ଗ୍ରାମୀଣ କୃଷି ମୌଷମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ମହିଷାପାଟ,ଢେଙ୍କାନାଳ – ୭୫୯୦୧୩

**ସପ୍ତାହ ସଂଖ୍ୟା -୧୨**

Deepanjali Dugal,
Jr. Agrometeorologist

ତାରିଖ : ୧୯.୦୩.୨୦୨୪
(ମଙ୍ଗଳବାର)

## ଅନୁଗୁଳ ଜିଲ୍ଲା

### ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୧୩.୦୩.୨୦୨୪ ରୁ ୧୯.୦୩.୨୦୨୪)

| | |
|---|---|
| ବୃଷ୍ଟିପାତ (ମି.ମି.) | ୦.୧-୯.୭ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୩୧.୦-୩୮.୦ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୧୫.୦-୨୨.୦ |

### ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୨୪ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ତାରିଖ | ବୃଷ୍ଟିପାତ (ମି.ମି.) | ତାପମାତ୍ରା (ଡି.ସେ.) | | ସର୍ବମୋଟ ମେଘାଛାନ୍ନତା (ଅକ୍ଟା) | ଆପେକ୍ଷିକ ଆର୍ଦ୍ରତା (%) | | ପବନର ବେଗ (କି.ମି./ଘ.) | ପବନର ଦିଗ |
|---|---|---|---|---|---|---|---|---|
| | | ସର୍ବାଧିକ | ସର୍ବନିମ୍ନ | | ସର୍ବାଧିକ | ସର୍ବନିମ୍ନ | | |
| 20-03-2024 | 20 | 26 | 14 | 8 | 83 | 27 | 10 | 169 |
| 21-03-2024 | 10 | 26 | 15 | 8 | 74 | 44 | 5 | 135 |
| 22-03-2024 | 2 | 32 | 18 | 6 | 72 | 27 | 6 | 146 |
| 23-03-2024 | 0 | 34 | 20 | 0 | 68 | 20 | 7 | 195 |
| 24-03-2024 | 0 | 36 | 20 | 0 | 48 | 12 | 8 | 158 |

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଅନୁସାରେ ଅନଗୁଳ ଜିଲ୍ଲାରେ ଆଗାମୀ ୩ଦିନ ପର୍ଯ୍ୟନ୍ତ ଅତିସ୍ୱଳ୍ପ ରୁ ମଧ୍ୟମଧରଣ ବର୍ଷା ଓ ଏହା ପରେ ଶୁଖିଲା ପାଗ ରହିବାର ସମ୍ଭାବନା ରହିଛି । ଆକାଶ ପରିଷ୍କାର ରୁ ମେଘାଛନ୍ନ ରହିବ । ଆଗାମୀ ୫ଦିନ ପର୍ଯ୍ୟନ୍ତ ପବନ ୦୫-୧୦ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ସର୍ବୋଚ୍ଚ ତାପମାତ୍ରା ୨୬°c-୩୬°c ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୪°c-୨୦°c ମଧ୍ୟରେ ରହିବାର ସମ୍ଭାବନା ରହିଛି । ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୪୮ ରୁ ୮୩ ପ୍ରତିଶତ ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୨ ରୁ ୪୪ ପ୍ରତିଶତ ମଧ୍ୟରେ ରହିବାର ସମ୍ଭାବନା ରହିଛି ।

## କୃଷିସୂଚନା

- ଆଗକୁ ମଧ୍ୟମଧରଣ ବର୍ଷାର ସମ୍ଭାବନା ଥିବାରୁ ଜମିରୁ ବଳକା ପାଣି ନିଷ୍କାସନ କରିବା ପାଇଁ ନାଳୀ କରନ୍ତୁ ଓ ନାଳୀ ମୁହଁକୁ ଖୋଲା ରଖନ୍ତୁ ।
- ବୁଣାବୁଣି କାର୍ଯ୍ୟ, ସାର ପ୍ରୟୋଗ ଓ କୀଟନାଶକ ପ୍ରୟୋଗ କୁ କିଛି ଦିନ ପାଇଁ ସ୍ଥଗିତ ରଖନ୍ତୁ ।
- ଅମଳ ଉପଯୋଗୀ ଫସଲ ଓ ପନିପରିବାକୁ ଶୀଘ୍ର ଅମଳ କରି ନିଅନ୍ତୁ ।
- କଖାରୁ ଜାତୀୟ ପନିପରିବା, ଟମାଟୋ, କଦଳୀ ଓ ଅମୃତଭଣ୍ଡା ଗଛରେ ଢେରା ଦିଅନ୍ତୁ ।

**ଧାନ:**

ବର୍ଷା ପରେ ଧାନରେ ପତ୍ରାଛେଦ ଶଢା କିମ୍ବା ମୂଳ ଶଢା ରୋଗ ଲାଗିବାର ସମ୍ଭାବନା ଅଛି । ଏହାର ପରିଚାଳନା ପାଇଁ ବର୍ଷା ଛାଡି ଯିବା ପରେ ଏକର ପ୍ରତି ୮୦ ଗ୍ରାମ Tebuconazole ଓ Trifloxystrobin ର ମିଳିତ ଫିମ୍ପିନାଶକ ୨୦୦ ଲିଟର କିମ୍ବା ୨୦୦ ମିଲି Propiconazole 25% EC, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ମୁଗ ଓ ଚିନାବାଦାମ :**

ମୁଗ ଓ ଚିନାବାଦାମ ଅମଳ ଅବସ୍ଥାରେ ଅଛି । ଅମଳ ଉପଯୋଗୀ ଫସଲକୁ ଯଥା ଶୀଘ୍ର ଅମଳ କରି ଦିଅନ୍ତୁ ଓ ସୁରକ୍ଷିତ ସ୍ଥାନରେ ସାଇତି ରଖନ୍ତୁ । ଜମିରୁ ବଳକା ପାଣି ନିଷ୍କାସନ କରିବା ପାଇଁ ନାଳୀ କରନ୍ତୁ ଓ ନାଳୀ ମୁହଁ କୁ ଖୋଲା ରଖନ୍ତୁ ।

**ଆଖୁ:**

ଆଖୁ ଗଛ ନ ପଡିବା ପାଇଁ ୪ ରୁ ୫ ଟି ଗଛ ର ପତ୍ର ଗୁଡିକୁ ଗୋଟିଆ ସ୍ଥାନ ରେ ବାନ୍ଧି ରଖନ୍ତୁ ଓ ଡେରା ଦିଅନ୍ତୁ ।ବଳକା ପାଣି ନିଷ୍କାସନ କରିବା ବ୍ୟବସ୍ଥା କରନ୍ତୁ ।କୀଟନାଶକ ଔଷଧ ଓ ସାର ପ୍ରୟୋଗ ସାମୟିକ ବନ୍ଦ ରଖନ୍ତୁ।

**ବାଇଗଣ ଓ ଲଙ୍କା ମରୀଚ :**

ବର୍ଷା ପରେ ବାଇଗଣ ଓ ଲଙ୍କା ମରୀଚ ଫସଲରେ ଝାଉଂଳା ଓ ମୂଳ ସଢା ଦେଖା ଦେବାର ସମ୍ଭାବନା ଅଛି ତେଣୁ ବର୍ଷା ଛାଡି ଗଲା ପରେ ପ୍ରତି ୨୦୦ ଲିଟର ପାଣିରେ ୨୦୦ ମିଲି Tebuconazole ଓ ୨୦ଗ୍ରାମ Streptocycline କୁ ମିଶାଇ ଫସଲ ମୂଳକୁ ସିଂଚନ କରନ୍ତୁ ।

**କଖାରୁ ଜାତୀୟ ପନିପରିବା:**

ବର୍ଷା ପରେ କଖାରୁ ଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି, ପୋଟଳ ,ଲାଉ ଇତ୍ୟାଦି ଫସଲରେ ନିମ୍ନମୁଖୀ ପତ୍ରପାଡା ରୋଗର ପରିଚାଳନା ପାଇଁ ପ୍ରତି ଲିଟର ପାଣିରେ ୨ଗ୍ରାମ କାରବେଣ୍ଡାଜିମ ଏବଂ ମଙ୍କୋଜେବ (Carbendazim ଏବଂ Mancozeb) ର ମିଳିତ ଫିମ୍ପିନାଶକ କିମ୍ବା Azoxystrobin+Tebuconazole @ ୦.୭ ଗ୍ରାମ ମିଶାଇ ସିଂଚନ କରନ୍ତୁ।

**ତରଭୁଜ :**

ତରଭୁଜ କୁ କୁଆପଥର ଦ୍ୱାରା ନଷ୍ଟ ନହେବା ପାଇଁ ପଲିଥିନ କିମ୍ବା ପ୍ଲାଷ୍ଟିକ ଜରି ଦ୍ୱାରା ଘୋଡାଇ ଦିଅନ୍ତୁ । ବଳକା ପାଣି ନିଷ୍କାସନ କରିବା ବ୍ୟବସ୍ଥା କରନ୍ତୁ ।କୀଟନାଶକ ଔଷଧ ଓ ସାର ପ୍ରୟୋଗ ସାମୟିକ ବନ୍ଦ ରଖନ୍ତୁ।

**ପଶୁ ସମ୍ପଦ:**

ଆଗକୁ ବିଜୁଳି ଓ ଘଡଘଡିର ସମ୍ଭାବନାଥିବାରୁ ଗାଈଗୋରୁ ମାନଙ୍କୁ ନଦୀ, ପୋଖରୀ ଓ କୃଷି ଯନ୍ତ୍ରପାତି ଠାରୁ ଦୂରେଇ ରୁହନ୍ତୁ । ଗଛ ତଳେ ଜମାବାନ୍ଧି ଆଶ୍ରୟ ପାଇଁ ଛାଡନ୍ତୁ ନାହିଁ । ଗୋଖାଦ୍ୟକୁ ସୁରକ୍ଷିତ ସ୍ଥାନରେ ସାଇତି ରଖନ୍ତୁ ଯେପରିକି ଏହା ବର୍ଷା ଦ୍ୱାରା ନଷ୍ଟ ନହୁଏ।

**ସହଯୋଗୀ ଗବେଷଣା ନିର୍ଦ୍ଦେଶକଙ୍କ ଦ୍ୱାରା ସ୍ୱୀକୃତ**

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,**QPM**,ଟିସୁ କଲଚର ଗଛ,ଫଳ ଓ ପନିପରିବା,ଯାଅଁଳ,କୁକୁଡା ଚିଆଁ,ଛତୁ,ଛତୁ ମଞ୍ଜି,ଜୈବିକ ସାର,ଜୈବିକ କୀଟନାଶକ,ଜିଆ ଖତ,କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ **MEGHDOOT** ମୋବାଇଲ ଆପ ବ୍ୟବହାର କରନ୍ତୁ ।

**(Android: https://play.google.com/store/apps/details?id=com.aas.meghdoot)**

**(iOS: https://apps.apple.com/in/app/meghdoot/id1474048155)**